ପ୍ରେସ୍ ନୋଟ୍

## ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା. ୧୮.୦୭:- ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୫୬ଟି ଅଭିଯୋଗରୁ ୪୯ଟି ବ୍ୟକ୍ତିଗତ ଓ ୭ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଂକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ରେଡକ୍ରସ ପାଣ୍ଠିରୁ ଜଣକୁ ଏକ ହଜାର ଟଂକା ଚିକିତ୍ସା ନିମନ୍ତେ ପ୍ରଦାନ କରାଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଶିକ୍ଷା, ସ୍ୱାସ୍ଥ୍ୟ, ଲ୍ୟାଣ୍ଡ ଡିମାରକେସନ୍, ଖଣି ବିସ୍ଥାପିତ ପରିବାରଂକ ସମସ୍ୟା, ରାସ୍ତା, କାଳିଆ ଯୋଜନାର କାର୍ଯ୍ୟକାରିତା ଓ ରାସନ କାର୍ଡ ସଂଶୋଧନ ଭଳି ବିଭିନ୍ନ ସମସ୍ୟା ସମ୍ପର୍କରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ଡେପୁଟୀ କଲେକ୍ଟର ଶ୍ରୀମତୀ ସରିତା ପ୍ରଧାନ, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଂଜନ ସାହୁ, ଆସିଷ୍ଟାଣ୍ଟ କଲେକ୍ଟର ମଧୁସ୍ମିତା ବିଶି, ଆସିଷ୍ଟାଣ୍ଟ କଲେକ୍ଟର ଶ୍ରୀ ଅଜୟ ଗଡନାୟକଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧି କାରୀମାନେ ଯୋଗ ଦେଇଥିଲେ ।

